# ଗ୍ରାମୀଣ କୃଷି ମୌସମ ସେବା
## ଭାରତ ପାଣିପାଗ ବିଭାଗ
## ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
## ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା -୨୯ (ଓଡ଼ିଆ ବୁଲେଟିନ) ସପ୍ତାହ -୧୫ ତାରିଖ:୦୯.୦୪.୨୦୨୪

## ସୋନପୁର

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ବର ଅନୁଯାୟୀ ଆସନ୍ତା ସପ୍ତାହର ପ୍ରଥମ ଗୋଟେ କିମ୍ବା ଦୁଇ ଦିନ ପର୍ଯ୍ୟନ୍ତ ବିଜୁଳି ସହିତ ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ରହିଅଛି ଏବଂ ଏହି ସମୟ ଅବଧିରେ ଆକାଶ ଆଂଶିକ ରୁ ସାଧାରଣତଃ ମେଘାଚ୍ଛନ୍ନ ରହିପାରେ ଓ ପରବର୍ତୀ ଦିନ ଗୁଡ଼ିକରେ ଆକାଶ ଆଂଶିକ ରୁ ମୁଖ୍ୟତଃ ସଫା ରହିବା ସହିତ ବର୍ଷାର ସମ୍ଭାବନା ମଧ୍ୟ କମ ଅଛି । ଆସନ୍ତା ୫ ଦିନ ମଧ୍ୟରେ ସର୍ବୋଚ୍ଚ ତାପମାତ୍ରା ୩୦ ରୁ ୩୮ ଡିଗ୍ରୀ ସେଣ୍ଟିଗ୍ରେଡ ଓ ସର୍ବନିମ୍ନ ତାପମାତ୍ରା ୨୧ ରୁ ୨୬ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ରହିବାର ସମ୍ଭାବନା ରହିଅଛି। ଆସନ୍ତା ସପ୍ତାହରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୪୧% ରୁ ୫୮% ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୧୫% ରୁ ୩୩% ମଧ୍ୟରେ ରହିବାର ସମ୍ଭାବନା ରହିଅଛି । ଆସନ୍ତା ୫ ଦିନ ମଧ୍ୟରେ ୬ ରୁ ୧୧ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ ପଶ୍ଚିମ ଓ ଦକ୍ଷିଣ ପୂର୍ବ ଦିଗରୁ ପବନ ବହିବାର ସମ୍ଭାବନା ରହିଅଛି।

| ତାରିଖ | 10-04-2024 | 11-04-2024 | 12-04-2024 | 13-04-2024 | 14-04-2024 |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 5 | 4 | 0 | 0 | 0 |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | 30 | 34 | 36 | 38 | 38 |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | 21 | 22 | 23 | 24 | 26 |
| ସମ୍ପୂର୍ଣ ମେଘ ଆବରଣ (ଓକଟା) | 6 | 5 | 3 | 2 | 2 |
| ସର୍ବାଧିକ ଆପେକ୍ଷିକ ଆଦ୍ରତା (ଶତକଡା %) | 49 | 58 | 56 | 41 | 42 |
| ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ଶତକଡା %) | 15 | 30 | 33 | 19 | 19 |
| ପବନ ବେଗ (କିମି/ଘଣ୍ଟା ପ୍ରତି) | 11 | 9 | 7 | 6 | 9 |
| ପବନ ଦିଗ (ଡିଗ୍ରୀ) | 195 | 169 | 126 | 146 | 246 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

### ସାଧାରଣଉପଦେଶ

- ଭାରତ ପାଣିପାଗ ବିଜ୍ଞାନ ବିଭାଗର ବିସ୍ତାରିତ ପାଣିପାଗ ପୂର୍ବାନୁମାନ ଅନୁଯାୟୀ ଆସନ୍ତା ୧୪ ରୁ ୨୦ ଏପ୍ରିଲ , ୨୦୨୪ ମଧ୍ୟରେ ଓଡ଼ିଶାରେ ବର୍ଷାର ସ୍ଥିତି ସାମାନ୍ୟରୁ ଅଧିକ ରହିପାରେ ଏବଂ ସର୍ବାଧିକ ଓ ସର୍ବନିମ୍ନ ରପମାତ୍ରା ଯଥାକ୍ରମେ ସାମାନ୍ୟରୁ କମ ଏବଂ ସାମାନ୍ୟ ରହିପାରେ । ଆସନ୍ତା ସପ୍ତାହର ପ୍ରଥମ ଗୋଟେ ଦିନ ରୁ ଦି ଦିନ ପର୍ଯ୍ୟନ୍ତ ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ରହିଅଛି ତେଣୁ ଚାଷୀ ଭାଇମାନଙ୍କୁ କ୍ଷେତରେ ଔଷଧର ପ୍ରୟୋଗ ତଥା ଜଳସେଚନ କାର୍ଯ୍ୟ ତଦନୁଯାୟୀ କରିବାକୁ ପରାମର୍ଶ ଦିଆଯାଇଅଛି ।

### ପାଣିପାଗ ଭିତ୍ତିକ କୃଷିଏବଂ ପଶୁପାଳନଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ମୁଗ(ଖରା ଦିନିଆ) | ଫୁଲ ଓ ଫଳ ଧରିବା ଅବସ୍ଥା | ପୂର୍ବ ସପ୍ତାହରେ ହୋଇଥିବା ବର୍ଷା ଯୋଗୁଁ ଯଦି କ୍ଷେତରେ ପାଣି ଜମା ରୁହେ ତାହାହେଲେ ଏହାର ନିଷ୍କାସନର ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଉଅଛି । ମୁଗ କ୍ଷେତରେ ଜଉ ପୋକ ଲାଗିବାର ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ ୦.୩ ମିଲି ଇମିଡାକ୍ଲୋରୋପ୍ରିଡ଼ କିମ୍ବା ୦.୩ ଗ୍ରାମ ଥାଇଓମିଥୋକ୍ସାମକୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଖେତରେ ପ୍ରୟୋଗ କରନ୍ତୁ । ଯଦି ମୁଗ କ୍ଷେତରେ ଫଳ ଧରିବା ସମୟରେ ଫଳ ଛେଦକ କିମ୍ବା ଫଳ ବିନ୍ଧା ପୋକର ପ୍ରକୋପ ଦେଖାଯାଏ ତା'ହେଲେ ଏହାର ନିୟନ୍ତ୍ରଣ ପାଇଁ ୦.୩ ମିଲି କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫ ଏସ.ସି. କିମ୍ବା ୦.୪ ଗ୍ରାମ ଇମାମେକଟିନ୍ ବେନଯୋଏଡ଼କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି କ୍ଷେତରେ ସିଞ୍ଚନ କରନ୍ତୁ । |
| ମକା | ପୁଷ୍ପ ଅବସ୍ଥା | ମକା ଗଛରେ ସାରର ପ୍ରୟୋଗ କାର୍ଯ୍ୟ ମାଟିରେ ଥିବା ଉପଯୁକ୍ତ ଆର୍ଦ୍ରତାକୁ ଦେଖି କରନ୍ତୁ । ମକା ଗଛରେ କାଣ୍ଡ ବିନ୍ଧା ପୋକର ନିୟନିନ୍ତ୍ରଣ ପାଇଁ ଫିପ୍ରୋନିଲ ୫% ଏସ.ସି. କିମ୍ବା ପ୍ରୋପେନୋଫସ ୫୦% ଇ.ସି. @ ୨ ମିଲିକୁ ପ୍ରତି ଲିଟର |

| | | |
|---|---|---|
| | | ପାଣିରେ ମିଶାଇ ଏବଂ ଫଲ ଆର୍ମି ୱର୍ମ କୀଟର ନିୟନ୍ତ୍ରଣ ପାଇଁ ପ୍ରତି ଲିଟର ପାଣିରେ ୦.୪ ଗ୍ରା. ଇମାମେକଟିନ୍ଲିନ ବେନଜୋଏଟ୍ କୁ ମିଶାଇ ଶୁଷ୍କ ପାଗ କ୍ଷେତରେ ସିଞ୍ଚନ କରନ୍ତୁ । |
| ଆମ୍ବ | ଫଳ ଅବସ୍ଥା | ଆମ୍ବ ଗଛରେ ଆମ୍ବ ହପରକୁ ନିୟନ୍ତ୍ରଣ କରିବା ପାଇଁ ୧ ଗ୍ରାମ୍ ଏସିଫେଟ କିମ୍ବା ୦.୫ ମିଲି କ୍ଲୋରୋପାଇରିଫସ୍ କିମ୍ବା ୦.୩ ରୁ ୦.୪ ଗ୍ରାମ ଥାଇଓମିଥୋକ୍ସାମକୁ ପ୍ରତି ଲିଟର ପାଣିରେ ମିଶାଇ ଏବଂ ଧଳା ପାଉଡରର ସ୍ତର ଲାଗି ରହିଲା ପରି ରୋଗର ଲକ୍ଷଣ ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ ୨ ଗ୍ରାମ ଦ୍ରବୀଭୂତ ସଲଫରକୁ ପ୍ରତି ଲିଟର ପାଣିରେ ମିଶାଇ ଆକାଶ ସଫା ଥିବା ସମୟରେ ଗଛରେ ପ୍ରୟୋଗ କରନ୍ତୁ । ଆମ୍ବ ଗଛରେ ଯଦି ଫଳ ମଟର ଦାନା ଆକାରର ହୋଇଯାଇଛି ସେଥିରେ ଫଳ ଝଡିବା କମ କରିବା ପାଇଁ ପ୍ଲାନୋଫିକ୍ସ @ ୧ ମିଲି ପ୍ରତି ୪.୫ ଲିଟର ପାଣି ହିସାବରେ ପ୍ରୟୋଗ କରିପାରିବେ । ହରମୋନ ଏବଂ କୀଟମରା ଔଷଧର ପ୍ରୟୋଗ ଏକା ସମୟରେ କରନ୍ତୁ ନାହିଁ ଓ ଏହାର ସିଞ୍ଚନରେ ଗୋଟେ ସପ୍ତାହର ବ୍ୟବଧାନ ରଖନ୍ତୁ । ପୁର୍ବ ଦିନଗୁଡ଼ିକରେ ହୋଇଥିବା ବର୍ଷା ଯୋଗୁଁ ଯଦି ଗଛ ମୂଳରେ ପାଣି ଜମା ରୁହେ ତାହାହେଲେ ଅଧିକ ଜଳର ନିଷ୍କାସନର ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଉଅଛି । |
| ପନିପରିବା | ବନସ୍ପତି ବିକାସ, ଫୁଲ ଓ ଫଳ ଅବସ୍ଥା | ପୁର୍ବ ଦିନଗୁଡ଼ିକରେ ହୋଇଥିବା ବର୍ଷା ଏବଂ ଆଗକୁ ଗୋଟେ କିମ୍ବା ଦୁଇ ଦିନ ଯାଏଁ ଅତି ସ୍ୱଳ୍ପ ବର୍ଷା ହେବାର ସମ୍ଭାବନାକୁ ଧ୍ୟାନରେ ରଖି କୌଣସି ପ୍ରକାରର ଔଷଧର ସିଞ୍ଚନ ତଥା ଜଳସେଚନ କାର୍ଯ୍ୟରେ ସାବଧାନତା ଅବଲମ୍ବନ କରନ୍ତୁ ଏବଂ ଜଳ ଜମା ନ ହେବ ପାଇଁ ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ । ଯଦି ବାଇଗଣ, ଭେଣ୍ଡି ଏବଂ ଟମାଟର ଗଛରେ ପତ୍ରଖିଆ ସମ୍ବାଲୁଆ ଏବଂ କାଣ୍ଡ ଓ ଫଲବିନ୍ଧା ପୋକର ଆକ୍ରମଣ ଦେଖାଯାଏ ତାହେଲେ ୦.୪ ଗ୍ରାମ ଇମାମେକଟିନ୍ ବେନଯୋଏଡ଼କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଗଛରେ ପ୍ରୟୋଗ କରନ୍ତୁ । ପିଆଜ ଗଛ ରେ ବାଇଗଣି ଦାଗ କିମ୍ବା ପର୍ପଲ ବ୍ଲୋଟ୍ଚ ର ନିୟନ୍ତ୍ରଣ ପାଇଁ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% @ ୦.୪ ଗ୍ରାମ କୁ ପ୍ରତି ଲିଟର ପାଣି ସହିତ ମିଶାଇ ସିଞ୍ଚନ କରନ୍ତୁ । ଉକୁଣିଆ ପୋକର ପ୍ରକୋପରୁ ଗଛକୁ ରକ୍ଷା କରିବା ପାଇଁ ୦.୩ ମିଲି ଇମିଡାକ୍ଲୋରୋପ୍ରିଡ଼ କିମ୍ବା ୦.୩ ଗ୍ରାମ ଥାଇଓମିଥୋକ୍ସାମ କୁ ପ୍ରତି ଲିଟର ପାଣି କିମ୍ବା ୧ ଗ୍ରାମ ଏସିଟାମିପ୍ରିଡ ୨୦ ପ୍ରତିଶତ ଇ.ସି. କୁ ୪ ଲିଟର ପାଣିରେ ମିଶାଇ ଗଛରେ ପ୍ରୟୋଗ କରନ୍ତୁ। |
| ଗାଈ ଓ ମଇଷି | ପଶୁମାନଙ୍କୁ ଗରମରୁ ରକ୍ଷା କରିବା ପାଇଁ ତାଙ୍କୁ ନିୟମିତ ତାଜା ସ୍ୱଚ୍ଛ ଥଣ୍ଡା ପାନୀୟ ଜଳ ଯୋଗେଇବାର ବ୍ୟବସ୍ଥା କରନ୍ତୁ ଏବଂ ଆଗକୁ ଝାଞ୍ଜି ପବନ ବହିବାର ସମ୍ଭାବନା ଅଛି ତେଣୁ ଜଳର ପରିମାଣ ବଢାଇବା ସହିତ ସେମାନଙ୍କୁ ସବୁଜ ଘାସ, ପୁଷ୍ଟିସାର-ଚର୍ବି ଜାତୀୟ ଖାଦ୍ୟ, ମିଶ୍ରିତ ଖଣିଜ ଲବଣ ଏବଂ ଲୁଣ ଖାଇବାକୁ ଦିଅନ୍ତୁ । ସେମାନଙ୍କୁ ଛାଇ ରେ ରଖନ୍ତୁ ଓ ସକାଳ ୧୧ ଟା ରୁ ସନ୍ଧ୍ୟା ୪ ଟା ମଧ୍ୟରେ ଚରାଇବାକୁ ବାହାରକୁ ଛାଡନ୍ତୁ ନାହିଁ । ଗୁହାଳର ତଳପଟରେ ପୁଆଲ କିମ୍ବା ଧଳା ପେନ୍ଟ କିମ୍ବା ପ୍ଲାଷ୍ଟରର ବ୍ୟବସ୍ଥା କରନ୍ତୁ କାରଣ ଏହା ଦ୍ୱା ରା ତାପମାତ୍ରା ନିୟନ୍ତ୍ରଣ ହୋଇଥାଏ । ପଶୁମାନଙ୍କୁ ଜଳ ଦ୍ୱାରା ପାଇପ ସାହାଯ୍ୟରେ ଗାଧାନ୍ତୁ କିମ୍ବା ଜଳ ଭଣ୍ଡାର ଯେପରିକି ପୋଖରୀ ଇତ୍ୟାଦିରେ କିଛି ସମୟ ପାଇଁ ଛାଡି ଦିଅନ୍ତୁ ଯେପରିକି ସେମାଙ୍କ ଶରୀରର ତାପମାତ୍ରା କମିଯିବ । | |


| | |
|---|---|
| **Ms. JubuliSahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. SanjuktaMohapatra**<br>**ADR cum Nodal Officer**<br>**RRTTS, Chiplima** |


---

- କୃଷି ରେ ଉତ୍ତମ ଲାଭ ପାଇଁ , **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍ୱୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।
- ଭାରତ ପାଣିପାଗ ବିଭାଗ ର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ (https://play.gooogle.com/store/apps/details?id=com.aas.meghdoot) ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini) ର ବ୍ୟବହାର କରିପାରିବେ।